# ଓଡ଼ିଶାରେ ଆତିଥ୍ୟ ଶିକ୍ଷାକୁ ପ୍ରୋତ୍ସାହନ ଦେବା ଲାଗି ଆଇଏଚଏମ ଭୁବନେଶ୍ୱର ପକ୍ଷରୁ ସାମ୍ବାଦିକ ସମ୍ମିଳନୀ

ଭୁବନେଶ୍ୱର: ଓଡ଼ିଶାର ଯୁବବର୍ଗଙ୍କ ମଧ୍ୟରେ ହସପିଟାଲିଟି ବା ଆତିଥ୍ୟ



ଶିକ୍ଷା ବିଷୟରେ ସଚେତନତା ସୃଷ୍ଟି କରିବା ପାଇଁ ଭୁବନେଶ୍ୱରର ଇନଷ୍ଟିଚ୍ୟୁଟ୍ ଅଫ୍ ହୋଟେଲ ମ୍ୟାନେଜମେଂଟ (ଆଇଏଚଏମ) ସହଭାଗିତାରେ ପତ୍ର ସୂଚନା କାର୍ଯ୍ୟାଳୟ (ପିଆଇବି) ସଫଳତାର ସହ ଶିକ୍ଷାନୁଷ୍ଠାନ ପରିସରରେ ଏକ ସାମ୍ବାଦିକ ସମ୍ମିଳନୀ ଆୟୋଜନ କରିଛି । ଏହି ସାମ୍ବାଦିକ ସମ୍ମିଳନୀରେ ଆଇଏଚଏମ ଭୁବନେଶ୍ୱରର ଅଧ୍ୟକ୍ଷ ଶ୍ରୀମତୀ ଶାରଦା ଘୋଷ, ଅଧ୍ୟକ୍ଷତା କରିଥିବା ବେଳେ ବରିଷ୍ଠ ଅଧ୍ୟାପକ ଶ୍ରୀ ସମ୍ବିତ ସୁମନ ଏବଂ ଶ୍ରୀ ପ୍ରମଥଦୀପ କର ଉପସ୍ଥିତ ଥିଲେ । ଆତିଥ୍ୟ କ୍ଷେତ୍ରରେ ରହିଥିବା ବ୍ୟାପକ କ୍ୟାରିଅର ସମ୍ଭାବନା ଏବଂ ଭବିଷ୍ୟତର ପେସାଦାରମାନଙ୍କୁ ଗଢ଼ିବାରେ ଗୁଣାତ୍ମକ ଶିକ୍ଷାର ଗୁରୁତ୍ୱପୂର୍ଣ୍ଣ ଭୂମିକା ଉପରେ କାର୍ଯ୍ୟକ୍ରମରେ ଆଲୋଚନା ହୋଇଥିଲା । ଏହି ବକ୍ତବ୍ୟ ରଖି ଶ୍ରୀମତୀ ଘୋଷ ଆତିଥ୍ୟ ଶିଳ୍ପରେ ଥିବା ଅପାର ସମ୍ଭାବନାକୁ ପ୍ରଦର୍ଶିତ କରିବା ଲାଗି ସାରା ଓଡ଼ିଶାର ଛାତ୍ରଛାତ୍ରୀଙ୍କ ନିକଟରେ ପହଂଚିବା ଲାଗି ଆଇଏଚଏମର ପ୍ରତିବଦ୍ଧତା ଉପରେ ଗୁରୁତ୍ୱାରୋପ କରିଥିଲେ । ଓଡ଼ିଶା ଏକ ପ୍ରମୁଖ ପର୍ଯ୍ୟଟନ ସ୍ଥଳୀ ଭାବରେ ଉଭା ହେବା ସହିତ ବିଳାସପୂର୍ଣ୍ଣ ହୋଟେଲ ଏବଂ ରିସର୍ଟ ସଂଖ୍ୟାରେ ବୃଦ୍ଧି ଘଟିବା ସହିତ କୁଶଳୀ ପେସାଦାରଙ୍କ ଚାହିଦା ସର୍ବକାଳୀନ ଉଚ୍ଚ ସ୍ତରରେ ରହିଛି । ଦିଲ୍ଲୀର ଜବାହରଲାଲ ନେହେରୁ ବିଶ୍ୱବିଦ୍ୟାଳୟ (ଜେଏନୟୁ) ଦ୍ୱାରା ପ୍ରଦାନ କରାଯାଇଥିବା ଆତିଥ୍ୟ ଓ ହୋଟେଲ ପ୍ରଶାସନରେ ବିଏସସି ଏବଂ ଆତିଥ୍ୟ ପ୍ରଶାସନରେ ଏମଏସସି ସମେତ ଏହି ଶିକ୍ଷାନୁଷ୍ଠାନ ଦ୍ୱାରା ପ୍ରଦାନ କରାଯାଉଥିବା ପ୍ରମୁଖ ପାଠ୍ୟକ୍ରମ ବିଷୟରେ ସେ ବିସ୍ତୃତ ଭାବେ ବର୍ଣ୍ଣନା କରିଥିଲେ ।